## ଆଜି ଅନୁଗୋଳ ଜିଲ୍ଲାରୁ ୩୨ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୧୬୭୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୪ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୩୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୦୬ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୧୧ଜଣ (୯ ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ (୪ ଜଣ ପୁରୁଷ ଓ ୨ଜଣ ମହିଳା), ବଁଅରପାଳ ବ୍ଲକ୍ ଅଂଚଳରୁ ୫ଜଣ ( ୧ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୪ଜଣ ପୁରୁଷ ), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।। ଆଜି ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୪ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧ଜଣ କୋଭିଡ ହସପିଟାଲରୁ ଓ ୩୩ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୩୬ ତା.୨୨.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(ସ୍ୱାକ୍ଷର) ୨୨/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ